ଯାଜପୁର ଜିଲ୍ଲାରେ "ସ୍ଥାୟୀ ଦୈନିକ ଆଦର୍ଶ ମଣ୍ଡି ସ୍ଥାପନ ନିମନ୍ତେ" ସାମାଜିକ ଆବଶ୍ୟକ ବେସରକାରୀ ଜମି ଅଧିଗ୍ରହଣ ର ସାମାଜିକ ପ୍ରଭାବ ଆକଳନ ଅଧ୍ୟୟନ ସମ୍ବନ୍ଧ, ତା.୨୪.୦୬.୨୦୨୪ରିଖରେ ଅନୁଷ୍ଠିତ ବିଶେଷଜ୍ଞ କମିଟି ବୈଠକର ବିବରଣୀ

---

ଯାଜପୁର ସହରର "ସ୍ଥାୟୀ ଦୈନିକ ଆଦର୍ଶ ମଣ୍ଡି ସ୍ଥାପନ" ନିମନ୍ତେ ଯାଜପୁର ତହସିଲ ଅନ୍ତର୍ଗତ ମୌଜା- ୟୁନିଟ ନମ୍ବର-୧୧ ସନ୍ଥମାଧବନଗରରେ ପ୍ରସ୍ତାବିତ ହୋଇଥିବା ଜମି ଅଧିଗ୍ରହଣ ସାମାଜିକ ପ୍ରଭାବ ଆକଳନ ଅଧ୍ୟୟନ ମୂଲ୍ୟାଙ୍କନ ପାଇଁ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ), ଯାଜପୁର ଙ୍କ ଅଧକ୍ଷତାରେ ବିଶେଷଜ୍ଞ କମିଟିର ସଦସ୍ୟମାନଙ୍କ ଉପସ୍ଥିତିରେ ତା. ୨୪.୦୬.୨୦୨୪ରିଖ ପୂର୍ବାହ୍ନ ଘ.୧୧: ୦୦ରେ ଏକ ଆଲୋଚନା ସଭା ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଙ୍କ ପ୍ରକୋଷ୍ଠ ରେ ଅନୁଷ୍ଠିତ ହୋଇଥିଲା ।

ବୈଠକ ପ୍ରାରମ୍ଭରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ), ଯାଜପୁର, ବିଶେଷଜ୍ଞ କମିଟିର ସମସ୍ତ ସଦସ୍ୟ ଙ୍କୁ ସ୍ୱାଗତ କରିବା ସଙ୍ଗେ ସଙ୍ଗେ ଆବଶ୍ୟକ ହେଉଥିବା ଭୂମି ଅଧିଗ୍ରହଣ ଓ ଉଚିତ ପ୍ରାପ୍ୟ ପ୍ରଦାନ ଓ ସ୍ୱଛତା ଅବଲମ୍ବନ ନିମନ୍ତେ ପ୍ରଚଳିତ ଆଇନ-୨୦୧୩ (**RFCTLAR&R Act-2013**) ଓ ଓଡିଶା ସରକାରଙ୍କ ଅଧିନିୟମ ନିୟମାବଳୀ-୨୦୧୬ (**ORFCTLAR&R Rules-2016**) ଅନୁଯାୟୀ ପ୍ରସ୍ତାବିତ ପ୍ରକଳ୍ପର ଆବଶ୍ୟକତା ଓ ସାମିଜିକ ପ୍ରଭାବ ଆକଳନ ଅଧ୍ୟୟନର ସାରମର୍ମ ଆଲୋଚନା କରିବା ସହିତ ଉପସ୍ଥିତ ଥିବା ବିଶେଷଜ୍ଞ ଓ ଅନ୍ୟ ସଦସ୍ୟମାନଙ୍କ ଠାରୁ ଉକ୍ତ ପ୍ରକଳ୍ପ ସମ୍ବନ୍ଧରେ ନିଜର ମତାମତ ଉପସ୍ଥାପନ କରିବାକୁ ଅନୁରୋଧ କରିଥିଲେ । କମିଟିର ସଦସ୍ୟବୃନ୍ଦ ସାମାଜିକ ପ୍ରଭାବ ଆକଳନର ଚୂଡାନ୍ତ ବିବରଣୀକୁ ତର୍ଜମା କରି ନିମ୍ନୋକ୍ତ ସିଦ୍ଧାନ୍ତରେ ଉପନୀତ ହୋଇଥିଲେ ।

(୧) ଯାଜପୁର ଜିଲ୍ଲାରେ ଦ୍ରୁତ ସହରିକରଣ ଏବଂ ଜନସଂଖ୍ୟା ବୃଦ୍ଧି ଯୋଗୁଁ ଖାଦ୍ୟ ଓ ପନିପରିବାର ଚାହିଦା ବୃଦ୍ଧି ପାଉଛି ଏବଂ ଚାହିଦା ପୂରଣ ପାଇଁ ପନିପରିବା ଆଖପାଖ ଓ ଦୁରସ୍ଥାନରୁ ଆମଦାନୀର ଆବଶ୍ୟକତା ରହିଛି ।

(୨) ଚାଷୀଙ୍କର ସମୃଦ୍ଧତା ଏବଂ ଏହି ଅଂଚଳର କୃଷି କ୍ଷେତ୍ରର ନିରନ୍ତର ବିକାଶ ପାଇଁ ବଜାର ବା ମଣ୍ଡିର ଅସ୍ତିତ୍ୱ ଗୁରୁତ୍ୱ ପୂର୍ଣ୍ଣଅଟେ ।

(୩) ଆଦର୍ଶ ମାଣ୍ଡି ସ୍ଥାପନ ଦ୍ୱାରା ଲୋକମାନେ ସୁଲଭ ମୂଲ୍ୟ ରେ ପନିପରିବା ପାଇପାରିବେ ଏବଂ କୃଷକ ମାନେ ସିଧାସଳଖ ତାଙ୍କ ସାମଗ୍ରୀ କୁ ବିକ୍ରି କରି ଉଚିତ ମୂଲ୍ୟ ପାଇପାରିବେ ।

(୪) ଉକ୍ତ ପ୍ରକଳ୍ପ ଦ୍ୱାରା ସାମାଜିକ ଓ ଅର୍ଥନୈତିକ ବିକାଶ ହେବ ଆଶା କରାଯାଏ ଏବଂ ଏହା ସ୍ଥାନୀୟ ଅର୍ଥନୈତିକତା ଓ ଆତ୍ମନିର୍ଭରତା କୁ ଅଭିବୃଦ୍ଧି କରିବ ।

(୫) ଉକ୍ତ ପ୍ରକଳ୍ପ ହେଲେ ନିଯୁକ୍ତି ସମ୍ଭାବନା ସୃଷ୍ଟି କରାଯାଇପାରିବ । ଏହି ପ୍ରକଳ୍ପ ଦ୍ୱାରା ଗ୍ରାହକ ଓ ବିକ୍ରେତା ଉଭୟ ଲାଭବାନ ହେବେ ।

(୬)କ୍ଷତିଗ୍ରସ୍ତ ଜମିମାଲିକ ମାନେ କିପରି ବିନା ଅସୁବିଧାର ସମ୍ମୁଖୀନ ହୋଇ କ୍ଷତିପୂରଣ ରାଶି ପାଇପାରିବେ ତାହା ବୈଠକରେ ଆଲୋଚନା ହେଲା ।

(୭)କ୍ଷତିଗ୍ରସ୍ତ ହେଉଥିବା ଜମିମାଲିକମାନଙ୍କର ଅଭିଯୋଗ ଗୁଡିକର ଶୁଣାଣୀ କିପରି ସଠିକ ଓ ତ୍ୱରିତ ଭାବରେ ହୋଇପାରିବ ଏଥିନେଇ ବୈଠକ ରେ ଆଲୋଚନା କରାଗଲା ।

(୮)ଜନସାଧାରଣଙ୍କର ସାମାଜିକ, ଅର୍ଥନୈତିକ ମାନଦଣ୍ଡର ବିକାଶ ପାଇଁ ଉକ୍ତ ପ୍ରକଳ୍ପ ସହାୟକ ହେବ ବୋଲି ଆଶା କରାଯାଉଅଛି ।

ଯାଜପୁରର ଉପରୋକ୍ତ ପ୍ରକଳ୍ପ କାର୍ଯ୍ୟକାରୀ କରାଯାଇ ପାରିଲେ ସାମୁହିକ ଉନ୍ନତି ସମ୍ଭବ ହୋଇପାରିବ ବୋଲି ଦୃଢୋକ୍ତି ପ୍ରକାଶ କରିବା ସଙ୍ଗେ ସଙ୍ଗେ ପ୍ରକଳ୍ପ କାର୍ଯ୍ୟ ପାଇଁ ସହମତି ପ୍ରକାଶ କରନ୍ତି ।

ସର୍ବଶେଷରେ ଆବାହକ-ତଥା-ଉପଜିଲ୍ଲାପାଳ, ଯାଜପୁର ଉପସ୍ଥିତ ଥିବା ସମସ୍ତ ସଦସ୍ୟ ମାନଙ୍କୁ ଧନ୍ୟବାଦ ଦେବା ସହିତ ସଭାସାଙ୍ଗ କରାଯାଇଥିଲା ।

୨୫.୦୩.୨୪

ଅଧକ୍ଷ-ତଥା-ଅତିରିକ୍ତ ଜିଲ୍ଲାପାଳ,(ରାଜସ୍ୱ)
ଯାଜପୁର

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ଯାଜପୁର
### (ଭୂ-ଅର୍ଜନ (ସିଭିଲ) ଉପ-ବିଭାଗ)
### ବିଜ୍ଞାପନ

ସଂଖ୍ୟା 7718 ତା. 25.07.2024

ଭୂ-ଅର୍ଜନ ପୁର୍ନବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଚ୍ଛତା ଅଧିକାର ଆଇନ-୨୦୧୩ ଧାରା ୭ ର ଉପଧାରା ୧ ମୁତାବକ 'ସ୍ଥାୟୀ ଦୈନିକ ଆଦର୍ଶ ମଣ୍ଡି ସ୍ଥାପନ ନିମନ୍ତେ "ପ୍ରକଳ୍ପ, ଯାଜପୁର ଜିଲ୍ଲା ପାଇଁ ସାମାଜିକ ପ୍ରଭାବ ନିର୍ଦ୍ଧାରଣ ବିବରଣୀ ମୂଲ୍ୟାଙ୍କନ ନିମିତ ଗଠିତ ସ୍ୱତନ୍ତ୍ର ବହୁ ଶୃଙ୍ଖଳୀୟ ବିଶେଷଜ୍ଞ ଗୋଷ୍ଠୀର ତା.୨୪.୦୭.୨୦୨୪ରିଖ ପୂର୍ବାହ୍ନ ୧୧.୦୦ ଘଟିକା ସମୟରେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ), ଯାଜପୁରଙ୍କ ଅଧ୍ୟକ୍ଷତାରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ବୈଠକ ବିବରଣୀ ଓ ସୁପାରିସ ସମ୍ପର୍କୀୟ ବିଜ୍ଞାପନ ଓଡିଶା ଭୂ-ଅର୍ଜନ ପୁର୍ନବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଚ୍ଛତା ଅଧିକାର ନିୟମ, ୨୦୧୬ ର ଧାରା ୧୬ ମୁତାବକ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଏଥି ସହିତ ସଲଗ୍ନ କରାଯାଇ ପ୍ରକାଶ କରାଗଲା । ଏହି ବିଜ୍ଞପ୍ତି ଓଡିଶା ରାଜ୍ୟ ସରକାର ଏବଂ ଯାଜପୁର ଜିଲ୍ଲାପାଳଙ୍କ ୱେବ୍ ସାଇଟ୍‌ରେ ଉପଲବ୍ଧ ହେବ ।

(ସ୍ୱାକ୍ଷର) 25.07.24

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. 7719 ତା. 25.07.2024

ଏହାର ଏକକିତା ନକଲ ବିଶେଷଜ୍ଞ ଗୋଷ୍ଠୀର ସମସ୍ତ ସଦସ୍ୟଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

(ସ୍ୱାକ୍ଷର) 25.07.24

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. 7720 ତା. 25.07.2024

ଏହାର ଏକକିତା ନକଲ ଉପ-ଜିଲ୍ଲାପାଳ, ଯାଜପୁର/ ଭୂ-ଅର୍ଜନ ଅଧିକାରୀ(ସିଭିଲ), ଯାଜପୁର/ସମ୍ପାଦକ, ନିୟନ୍ତ୍ରିତ ବଜାର କମିଟି, ଯାଜପୁର / ତହସିଲଦାର, ଯାଜପୁର/ ନିର୍ବାହୀ ଅଧିକାରୀ, ଯାଜପୁର ପୌରପାଳିକା ଙ୍କ ଅବଗତି ଓ ବିହୀତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । ଭୂ-ଅର୍ଜନ ଅଧିକାରୀ(ସିଭିଲ), ଯାଜପୁରଙ୍କୁ ବିଜ୍ଞାପନର ନକଲ ପ୍ରେରଣ କରାଯାଇ ଅନୁରୋଧ କରାଗଲା ଯେ ଉକ୍ତ ବିଜ୍ଞାପନର ଗୋଟିଏ ନକଲ ୟୁନିଟ୍ -୧୧ ସନ୍ଥମାଧବନଗର, ମୌଜାର ଅନ୍ତତଃ ଦୁଇଜଣ ଗ୍ରାମବାସୀଙ୍କ ସ୍ୱାକ୍ଷର ନେଇ ସାର୍ବଜନୀନ ସ୍ଥଳୀରେ ପ୍ରକାଶନ କରିବେ ଏବଂ ଜିଲ୍ଲାପାଳ, ଯାଜପୁରଙ୍କ ୱେବ୍ ସାଇଟ୍‌ରେ ଉପଲବ୍ଧ କରାଇବାପାଇଁ ନିର୍ଦ୍ଦେଶ ଦିଆଗଲା ।

(ସ୍ୱାକ୍ଷର) 25.07.24

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. 7721 ତା. 25.07.2024

ଏହାର ଏକକିତା ନକଲ ଯୁଗ୍ମ ଶାସନ ସଚିବ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ, ଓଡିଶା/ ଯୁଗ୍ମ ଶାସନ ସଚିବ, ସମବାୟ ବିଭାଗ, ଓଡିଶା / ଯୁଗ୍ମ ଶାସନ ସଚିବ, କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଙ୍କ କାର୍ଯ୍ୟାଳୟ କଟକ ଙ୍କ ଅବଗତି ନିମନ୍ତେ ପ୍ରେରଣ କରାଯାଇ ଓଡିଶା ସରକାରଙ୍କ ୱେବ୍ ସାଇଟ୍‌ରେ ପ୍ରକାଶନ କରିବାପାଇଁ ଅନୁରୋଧ କରାଗଲା ।

(ସ୍ୱାକ୍ଷର) 25.07.24

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. 7722 ତା. 25.07.2024

ଏହାର ଏକକିତା ନକଲ ଜିଲ୍ଲାପାଳଙ୍କ ନୋଟିସ୍ ବୋର୍ଡ / ଜିଲ୍ଲା ସୂଚନା ଓ ବିଜ୍ଞାନ ଅଧିକାରୀ, ଯାଜପୁର କୁ ପ୍ରେରଣ କରାଯାଇ ଅନୁରୋଧ କରାଗଲା ଯେ ଉକ୍ତ ବିଜ୍ଞାପନ ଜିଲ୍ଲାପାଳ, ଯାଜପୁର ୱେବ୍ ସାଇଟ୍‌ରେ ତୁରନ୍ତ ପ୍ରକାଶନ କରିବେ ।

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର